Sankha Bhawan
Plot No. 798, Unit - VI
Bhubaneswar - 751001, Odisha

BJD

Ph : 0674-2393464, 2395979
email : bijujanatadal@gmail.com

# BIJU JANATA DAL

## ପ୍ରେସ୍ ବିଜ୍ଞପ୍ତି

## ନବୀନ ଓଡ଼ିଶା ମ୍ୟାଜିକ କାର୍ଡ଼କୁ ଅଧିକ ଉପାଦେୟ କରିବା ପାଇଁ ୫-ଟି ତଥା ନବୀନ ଓଡ଼ିଶା ଅଧ୍ୟକ୍ଷ ଜନସାଧାରଣଙ୍କ ମତାମତ ଲୋଡ଼ିଲେ

- **ନବୀନ ଓଡ଼ିଶା ମ୍ୟାଜିକ କାର୍ଡ଼ ପ୍ରଣୟନ ପାଇଁ ପ୍ରକ୍ରିୟା ଆରମ୍ଭ**
- **ଏହି କାର୍ଡ଼ ଯୁବବର୍ଗଙ୍କ ଆଶା ଆକାଂକ୍ଷା ପୂରଣ କରିବାରେ ସହାୟକ ହେବ**

**ଭୁବନେଶ୍ୱର, ୦୨/୦୪/୨୦୨୪:** ୫-ଟି ତଥା ନବୀନ ଓଡ଼ିଶା ଅଧ୍ୟକ୍ଷ କାର୍ତ୍ତିକ ପାଣ୍ଡିଆନ ଏକ ଭିଡ଼ିଓ ବାର୍ତ୍ତା ମାଧ୍ୟମରେ ଓଡ଼ିଶାର ଜନସାଧାରଣଙ୍କୁ ଏହି କାର୍ଡ଼କୁ ଅଧିକ ଉପାଦେୟ କରିବା ନିମନ୍ତେ ସେମାନଙ୍କ ସୁଚିନ୍ତିତ ମତାମତ ଦେବାକୁ ଅନୁରୋଧ କରିଛନ୍ତି । ଉଲ୍ଲେଖଯୋଗ୍ୟ, ନିକଟରେ ପ୍ରଦାନ କରାଯାଇଥିବା ନୂଆ-ଓ ବୃତ୍ତି ଓଡ଼ିଶା ସରକାରଙ୍କ ଏକ ଐତିହାସିକ ପଦକ୍ଷେପ । ଏହି ବୃତ୍ତି ପ୍ରଦାନ ପରେ ଓଡ଼ିଶାର ଯୁବକ ଯୁବତୀମାନଙ୍କ ମଧ୍ୟରେ ଏକ ବିଶେଷ ଉତ୍ସାହ ପରିଲକ୍ଷିତ ହୋଇଥିବା ବେଳେ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ରାଜ୍ୟର ଯୁବକ ଯୁବତୀମାନଙ୍କ ପାଇଁ ନବୀନ ଓଡ଼ିଶା ମ୍ୟାଜିକ କାର୍ଡ଼ ପ୍ରଣୟନ କରିବାକୁ ଯାଉଛନ୍ତି ।

ଏହି କାର୍ଡ଼ ମାଧ୍ୟମରେ ଓଡ଼ିଶାର ଛାତ୍ରଛାତ୍ରୀମାନେ ବିଭିନ୍ନ ପ୍ରକାରର ସୁବିଧା ପାଇପାରିବେ । ଛାତ୍ରଛାତ୍ରୀମାନଙ୍କୁ ସେମାନଙ୍କ କ୍ୟାରିୟର ଗଢ଼ିବା ପାଇଁ ସହାୟକ ହେବା ସଙ୍ଗେ ସଙ୍ଗେ ଏହି କାର୍ଡ଼ ସେମାନଙ୍କୁ ସ୍ୱାବଲମ୍ବୀ କରିବାରେ ସହାୟକ ହେବ ଓ ସେମାନଙ୍କ ଆତ୍ମବିଶ୍ୱାସ ବୃଦ୍ଧି କରିବାରେ ମଧ୍ୟ ସହାୟକ ହେବ । ଏହି କାର୍ଡ଼ର ଉପାଦେୟତାକୁ ବୃଦ୍ଧି କରିବା ଲକ୍ଷ୍ୟରେ ଓଡ଼ିଶାର ଜନସାଧାରଣଙ୍କୁ ମଧ୍ୟ ସେମାନଙ୍କ ମତାମତ ଦେବା ପାଇଁ ୫-ଟି ତଥା ନବୀନ ଓଡ଼ିଶା ଅଧ୍ୟକ୍ଷ କାର୍ତ୍ତିକ ପାଣ୍ଡିଆନ ସୋସିଆଲ ମିଡ଼ିଆ ମାଧ୍ୟମରେ ଅନୁରୋଧ କରିଛନ୍ତି। ଏହି ଭିଡ଼ିଓ ସୋସିଆଲ ମିଡ଼ିଆରେ ପ୍ରସାରିତ ହେବା ପରେ ନବୀନ ଓଡ଼ିଶା ମ୍ୟାଜିକ କାର୍ଡ଼କୁ ନେଇ ଯୁବବର୍ଗଙ୍କ ମଧ୍ୟରେ ପ୍ରବଳ ଉତ୍ସାହ ଦେଖିବାକୁ ମିଳିଛି । ଅନେକ ଯୁବବର୍ଗ ଏହି କାର୍ଡ଼ ବ୍ୟବସ୍ଥାକୁ ସ୍ୱାଗତ କରିବା ସଙ୍ଗେ ସଙ୍ଗେ ନିଜର ମତାମତ ପ୍ରଦାନ କରିଛନ୍ତି ।

ଡଃ ପ୍ରିୟବ୍ରତ ମାଝୀ

(ଡଃ ପ୍ରିୟବ୍ରତ ମାଝୀ)

ମୁଖପାତ୍ର, ବିଜୁ ଜନତା ଦଳ